<u>ପ୍ରେସ୍ ନୋଟ୍ ।</u>

## ଆଜି ଅନୁଗୋଳ ଜିଲ୍ଲାରୁ ୧୧୦ ଜଣ କରୋନା ପଜିଟିଭ ଚିହ୍ନଟ ।

ପଜିଟିଭ ସଂଖ୍ୟା ୩୯୯୧୧ ରେ ପହଞ୍ଚିଲା - ସୁସ୍ଥ ହେଲେ ୨୩୫ଜଣ ।

ଅନୁଗୋଳ, ତା.୨୨.୦୬:- ଆଜି ଅନୁଗୋଳ ଜିଲ୍ଲାରେ ୧୧୦ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଂକ ମଧ୍ୟରେ ଅନୁଗୋଳ ବ୍ଲକ୍ ଅଂଚଳରୁ ୨୬ଜଣ ( ୧୬ଜଣ ପୁରୁଷ ଓ୧୦ ଜଣ ମହିଳା), ବଅଁରପାଳ ବ୍ଲକ୍ ଅଂଚଳରୁ ୧୫ଜଣ ( ୮ଜଣ ପୁରୁଷ ଓ ୭ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୧୫ଜଣ ( ୧୦ଜଣ ପୁରୁଷ ଓ ୫ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୧୪ଜଣ ( ୧୦ଜଣ ପୁରୁଷ ଓ ୪ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୧୦ଜଣ ( ୭ଜଣ ପୁରୁଷ ଓ୩ ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୮ଜଣ ( ୭ଜଣ ପୁରୁଷ ଓ ୧ଜଣ ମହିଳା), ତାଳଚେର ପୌରାଞ୍ଚଳରୁ ୭ଜଣ ( ୬ଜଣ ପୁରୁଷ ଓ ୧ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୬ଜଣ ( ୫ଜଣ ପୁରୁଷ ଓ ୧ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୫ଜଣ (୪ ଜଣ ପୁରୁଷ ଓ ୧ଜଣ ମହିଳା) ଓ ପାଲଲହଡା ବ୍ଲକ୍ ଅଂଚଳରୁ ୪ ଜଣ ( ୩ଜଣ ପୁରୁଷ ଓ ୧ଜଣ ମହିଳା) ଅଛନ୍ତି । ଚିହ୍ନଟ ହୋଇଥିବା ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡ ଓ ୩୯ ଜଣଂକୁ ତାଳଚେର କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଂକୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୨୩୫ଜଣ ସୁସ୍ଥ ହୋଇଛନ୍ତି । ବର୍ତ୍ତମାନ ସୁଦ୍ଧା ଜିଲ୍ଲାରେ ୧୬୧ଜଣ ମୃତ୍ୟୁବରଣ କଲେଣି ଏବଂ ଆଜି ସୁଦ୍ଧା ୨ ଲକ୍ଷ ୪୨ହଜାର ୯୫୬ ଜଣଙ୍କୁ ଟିକା ଦିଆଗଲାଣି ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୩୭୧ ତା.୨୨.୦୬.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

(signature) ୨୨/୬/୨୦୨୧

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ